# ତହସିଲ କାର୍ଯ୍ୟାଳୟ, ପଦ୍ମପୁର, ଜି.ବରଗଡ ।

**ବିଜ୍ଞାପନ ସଂଖ୍ୟା. 3297 / ତା. 18.11.2021**

**(ଲଘୁ ଖଣିଜ ଉତ୍ସର ଦୀର୍ଘ ମିଆଦି ଲିଜ୍ ନିମନ୍ତେ ଇସ୍ତାହାର)**

ଏତଦ୍ୱାରା ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି ଯେ, ପଦ୍ମପୁର ତହସିଲ ଅନ୍ତର୍ଗତ ଲଘୁ ଖଣିଜ ଉତ୍ସଗୁଡିକ OMMC Rules-2016 ମୁତାବକ ଦୀର୍ଘମିଆଦୀ ଲିଜ ସୂତ୍ରରେ ଆସନ୍ତା 5 (ପାଞ୍ଚ) ବର୍ଷ ନିମନ୍ତେ ନିଲାମ ପାଇଁ ଦରଖାସ୍ତ ଆହ୍ବାନ କରା ଯାଉଅଛି I ଇଚ୍ଛୁକ ବ୍ୟକ୍ତି ବିଶେଷ OMMC Rules-2016 ରେ ପ୍ରଦତ୍ତ (Form-M) ରେ 3 (ତିନି) କପି ଆବେଦନ ପତ୍ର ସହ ଆବଶ୍ୟକୀୟ କାଗଜାତର ନକଲ ସଂଲଗ୍ନ କରି ସିଲ ଲଫାଫା ଉପରେ ସୈରାତ ଉତ୍ସର ନାମ ଉଲ୍ଲେଖ କରି ତହସିଲଦାର, ପଦ୍ମପୁରଙ୍କ କାର୍ଯ୍ୟାଳୟ ଠିକଣାରେ କେବଳ Speed Post/Regd. Post ମାଧ୍ୟମରେ ପ୍ରେରଣ କରିବେ ଯାହାକି ତା. 20.12.2021 ରିଖ ଅପରାହ୍ନ 05.00 ଘଟିକା ପର୍ଯ୍ୟନ୍ତ ତହସିଲଦାରଙ୍କ କାର୍ଯ୍ୟାଳୟରେ ପ୍ରାପ୍ତ ହେବା ଆବଶ୍ୟକ I ତା. 21.12.2021 ରିଖ ଦିବା. 11.00 ସମୟରେ ଲିଜ ଦରଖାସ୍ତକାରୀ କିମ୍ବା ତାଙ୍କ ପ୍ରତିନିଧିଙ୍କ ଉପସ୍ଥିତିରେ ଦରଖାସ୍ତଗୁଡିକ ତନଖି କରାଯାଇ ସର୍ବୋଚ୍ଚ ଅତିରିକ୍ତ ଦେୟ ଉଲ୍ଲେଖ କରିଥିବା ଭିତ୍ତିରେ ଯୋଗ୍ୟ ଲିଜ୍ ଧାରୀ ଚୟନ କରାଯିବ I ଧାର୍ଯ୍ୟ ସମୟ ପରେ ପ୍ରାପ୍ତ ଓ ଅସଂପୂର୍ଣ୍ଣ ଦରଖାସ୍ତ ଗୁଡିକ ବାତିଲ କରାଯିବ I ଯେଉଁ ଉତ୍ସ ଗୁଡିକର ନିର୍ଦ୍ଧାରିତ ତାରିଖରେ ଆବେଦନ ପତ୍ର ମିଳିନଥିବ କିମ୍ବା ଲିଜ୍ ଚୂଡାନ୍ତ ହୋଇ ନ ଥିବ ସେହି ଉତ୍ସ ଗୁଡିକ ପାଇଁ ଦ୍ୱିତୀୟ ଓ ତୃତୀୟ ଥର ପାଇଁ ଯଥାକ୍ରମେ ତା. 27.12.2021 ରିଖ ଓ ତା. 04.01.2022 ରିଖ ଅପରାହ୍ନ 05.00 ଘଟିକା ପର୍ଯ୍ୟନ୍ତ ଆବେଦନ ଗ୍ରହଣ କରାଯିବ ଏବଂ ଯଥାକ୍ରମେ ତା. 28.12.2021 ଓ ତା. 05.01.2022 ଦିନ ଦିବା. 11.00 ଘଟିକା ସମଯରେ ପୂର୍ବମତେ ଦରଖାସ୍ତ ଗୁଡିକୁ ତନଖି କରାଯିବ I ଏହାର ସବିଶେଷ ବିବରଣି ଜିଲ୍ଲା website : (www.bargarh.nic.in) ରେ ଉପଲବ୍ଧ I ଏତଦ୍ ବ୍ୟତୀତ ସୈରାତ ଉତ୍ସଗୁଡିକର ବିଶଦ ବିବରଣୀ ତହସିଲ କାର୍ଯ୍ୟାଳୟରେ ଯେ କୌଣସି କାର୍ଯ୍ୟଦିବସରେ ମଧ୍ୟ ଦେଖି ପାରିବେ I

ତହସିଲଦାର, ପଦ୍ମପୁର
TAHASILDAR
PADAMPUR 18/11/2021

# ତହସିଲ ପଦ୍ମପୁର ଅନ୍ତର୍ଗତ ସୈରାତ ଉତ୍ସଗୁଡିକର ସାରଣୀ

| କ୍ରମିକ ସଂଖ୍ୟା | ଲଘୁ ଖଣିଜ ଉତ୍ସର ନାମ | ମୌଜାର ନାମ | ଖାତା ନଂ | ପ୍ଲଟ ନଂ | ଜମିର କିସମ | ଆବଣ୍ଟିତ ରକବା | ରୟାଲଟି ଦେୟ ପ୍ରତି ଘନ ମିଟର (in.Rs.) | ଅତିରିକ୍ତ ଦେୟ ପ୍ରତି ଘନ ମିଟର (in.Rs.) | ମୋଟ ଦେୟ ପ୍ରତି ଘନ ମିଟର (in.Rs.) | ଅନ୍ୟୁନ ଉତ୍ତୋଳନ ପରିମାଣ (MGQ in CuM | ଅମାନତ ଅଗ୍ରିମ ରାଶି ଯାହାକି ବ୍ୟାଙ୍କ ଡ୍ରାଫ୍ଟ ମାଧ୍ୟମରେ ଦରଖାସ୍ତ ସହ ପ୍ରଦାନ କରାଯିବ (in.Rs.) |
|---|---|---|---|---|---|---|---|---|---|---|---|
| 1 | 2 | 3 | 4 | 5 | 6 | 7 | 8 | 9 | 10 | 11 | 12 |
| 1 | ରାଏବାହାଦୁରପୁର ପଥର ଖାଦାନ | ରାଏବାହାଦୁରପୁର | 75 | 270 | ପଥର ଚଟାଣ | 3.10 | 130.00 | 100.00 | 230.00 | 700 | 8500.00 |
| 2 | ଲହଣ୍ଡିପୁର ଓ ସମ୍ବଲପୁରୀ ବାଲି ଖାଦାନ | ଲହଣ୍ଡିପୁର | 72 | 327 | ନଦୀ | 6.00 | 35.00 | 80.00 | 115.00 | 1000 | 6000.00 |
| | | ସମ୍ବଲପୁରୀ | 161 | 562 | ନଦୀ | 6.00 | | | | | |

ତହସିଲଦାର, ପଦ୍ମପୁର
TAHASILDAR
PADAMPUR
୧୮।୧୧।୨୦୨୧

## (ଦରଖାସ୍ତ ସହ ଦାଖଲ କରିବାକୁ ଥିବା ଦସ୍ତାବିଜ୍)

1. ଦରଖାସ୍ତ ପାଉଣା ବାବଦ ଟ.1000.00 (ଏକ ହଜାର ଟଙ୍କା ମାତ୍ର) (ଅଣ-ଫେରସ୍ତ) ଟ୍ରେଜେରୀ ଚାଲାଣ (Head of Account-0853-Non-Ferous Mining and Metallurgical Industries-102 Mineral Concession Fees, Rents and Royalties) ରେ ଦାଖଲ କରିବେ I

2. କୌଣସି ମାଇନିଂ ବାବଦକୁ ବକେୟା ଦେୟ ନ ଥିବା ନେଇ ଏକ ସତ୍ୟପାଠ କରିବେ I

3. IT Returns ଏବଂ ଅନ୍ୟୁନ 18 ମାସ ପର୍ଯ୍ୟନ୍ତ କାଏମ ଥିବା ବ୍ୟାଙ୍କ ଗ୍ୟାରେଣ୍ଟି / ଋଣ ପରିଶୋଧ କ୍ଷମତା ପ୍ରମାଣ ପତ୍ର (Solvency Certificate) ଯାହାକି ଦରଖାସ୍ତ କରୁଥିବା ସୈରାତ ଉପ୍ସର ବାର୍ଷିକ ମୂଲ୍ୟ (Mining guarantee quantity X (Royalty + Additional Charge) ଠାରୁ ଅଧିକ ହୋଇଥିବା ଆବଶ୍ୟକ I

4. Earnest Money ପାଇଁ Demand Draft (in favour of Tahasildar, Padampur) ଯାହାର ମୂଲ୍ୟ ଅତିରିକ୍ତ ଚାର୍ଜ (Addl. Charge) ଏବଂ Royalty (ଏକ ବର୍ଷ) ର 5% ଠାରୁ କମ୍ ହୋଇନଥିବ I [EMD = 5% of {Minimum Guaranteed Quantity X (Royalty + Additional Charges)}]

ତହସିଲଦାର, ପଦ୍ମପୁର
TAHASILDAR
PADAMPUR

# ବିଶେଷ ସର୍ତ୍ତାବଳୀ

1. ଆବେଦନକାରୀ/ଲିଜଧାରୀ ଓଡିଶା ଲଘୁ ଖଣିଜ ଦ୍ରବ୍ୟ ରିହାତି ଆଇନ, OMMC Rules-2016 ର ପରିସର ଭୁକ୍ତ ରହିବେ I
2. ପ୍ରଚଳିତ ନିୟମ ଅନୁଯାୟୀ ଅତିରିକ୍ତ ଦେୟର Additional Charge ମୂଲ୍ୟ ଉପରେ ସର୍ବୋଚ୍ଚ ମୂଲ୍ୟ ଦର୍ଶାଇ ଥିବା ନିଲାମଧାରୀଙ୍କ ଦରଖାସ୍ତକୁ ଲିଜ୍ ପ୍ରଦାନ ନିମନ୍ତେ ଚୟନ କରାଯିବ I ଯଦି 1 ରୁ ଅଧିକ ଦରଖାସ୍ତକାରୀ ସମାନ ସର୍ବୋଚ୍ଚ ମୂଲ୍ୟ ପ୍ରଦାନ କରିଥିବେ ତେବେ ଲଟେରୀ ମାଧ୍ୟମରେ ଲିଜଧାରୀଙ୍କୁ ଚୟନ କରାଯିବ I
3. ଲିଜ୍ ରେ ଅଂଶ ଗ୍ରହଣ କରୁଥିବା ବ୍ୟକ୍ତି ବିଶେଷ ଉତ୍ସ ଗୁଡିକ ପରିଦର୍ଶନ କରି ପରିଚାଳନା ପାଇଁ ଗମନା ଗମନ ସୁବିଧା, ଗଚ୍ଛିତ ଥିବା ଲଘୁ ଖଣିଜ ଦ୍ରବ୍ୟ ଓ ଅନ୍ୟାନ୍ୟ ଆନୁଷାଙ୍ଗିକ ସୁବିଧା ସଂପର୍କରେ ପର୍ଯବେକ୍ଷଣ କରି ଦରଖାସ୍ତ କରିବା ଆବଶ୍ୟକ I ଲିଜ୍ ନେବା ପରେ ସୈରାତ ଚଳାଇବା ସଂପର୍କରେ କୌଣସି ଅଭିଯୋଗ ଗ୍ରହଣୀୟ ହେବ ନାହିଁ ତଥା କୌଣସି ପ୍ରାକୃତିକ ବିପର୍ଯ୍ୟୟ ନିମନ୍ତେ କର୍ତ୍ତୃପକ୍ଷ ଦାୟୀ ରହିବେ ନାହିଁ I
4. ଲିଜ୍ ସୂତ୍ରେ ନେବାକୁ ଇଚ୍ଛୁକ ଥିବା ବ୍ୟକ୍ତି ଦରଖାସ୍ତରେ ଲଘୁ ଖଣିଜ ଦ୍ରବ୍ୟର ସରକାରଙ୍କ ଦ୍ୱାରା ଅତିରିକ୍ତ ଦେୟର (Additional Charge) ମୂଲ୍ୟଠାରୁ କମ୍ ମୂଲ୍ୟ ଦର୍ଶାଇଲେ ଦରଖାସ୍ତଟି ଗ୍ରହଣୀୟ ହେବ ନାହିଁ ଏବଂ ଦରଖାସ୍ତଟି ନାକଚ ହେବ I
5. ଲିଜ୍ ନିମନ୍ତେ ଯୋଗ୍ୟ ସୈରାତ ଉତ୍ସର ବାର୍ଷିକ ଦେୟ {Minimum Guarantee Quantity X (Royalty + Additional Charges)}+ Amount of Contribution payable to DMF ର ଏକ ଚତୁର୍ଥାଂଶ ରାଶି (EMD କୁ ବାଦ ଦେଇ) ଲିଜ୍ ଚୁଡାନ୍ତ ହେବାର 15 ଦିନ ମଧ୍ୟରେ ପ୍ରାଧିକୃତ ଅଧିକାରୀଙ୍କ ପାଖରେ ଦାଖଲ କରିବେ, ଯାହାକି ସୁଧ ବିହୀନ ଅମାନତ ରାଶି (Security) ହିସାବରେ ରଖାଯିବ I
6. Environment Clearance ମଞ୍ଜୁରି ପରେ ଲିଜ୍ ଧାରୀ ଏକ ବର୍ଷ ପାଇଁ Surface Rent, Dead Rent ଏବଂ Royalty ର 5% EMF, 10% District Mineral Foundation (DMF) ଏବଂ 2% TCS (IT) ଓ ପ୍ରଯୁଜ୍ୟ GST ବାବଦକୁ ରାଶି ପୈଠ କରିବେ I ସଂପୁର୍ଣ୍ଣ ରାଶି ପୈଠ ହେଲାପରେ ଲିଜ୍ ଧାରୀ ରେଜିଷ୍ଟ୍ରେଷନ ଆକ୍ଟ 1908 ଓ ଷ୍ଟାମ୍ପ ଆକ୍ଟ 1999 ଅନୁଯାୟୀ ଚୁକ୍ତି ପତ୍ର ନିଜ ଖର୍ଚ୍ଚରେ ସଂପାଦନ କରିବେ I
7. ଯଦି ଯୋଗ୍ୟ ବିବେଚିତ ଚୁକ୍ତି ସମ୍ପାଦନ ପୂର୍ବରୁ ମୂଲ୍ୟ ଜମା ନ କରନ୍ତି ତେବେ ତାଙ୍କର EMD ବ୍ୟାଜାପ୍ତି ହେବ I
8. ଯଦି ସର୍ବାଧିକ ରୟାଲ୍ଟି ଦର୍ଶାଇଥିବା ବ୍ୟକ୍ତି ସର୍ତ୍ତାବଳୀରେ ଖିଲାପ କରନ୍ତି ତେବେ ତାଙ୍କ ପରବର୍ତ୍ତି ସର୍ବାଧିକ ଅତିରିକ୍ତ ଦେୟ ଦର୍ଶାଇଥିବା ବ୍ୟକ୍ତିଙ୍କୁ କ୍ରମାନ୍ୱୟରେ ସୁଯୋଗ ଦିଆଯିବ I
9. ଦରଖାସ୍ତକାରୀ Mines Act. 1952 ଓ Explosive Act. 1984 ର ସମସ୍ତ ନିୟମାବଳୀର ଅନ୍ତର୍ଭୁକ୍ତ ରହିବେ I

TAHASILDAR
PADAMPUR 14/11/2024

**10.**ଲିଜ୍ ଧାରୀ ସୈରାତ ଉତ୍ସର ନକ୍ସା ଅନୁଯାଇ ସିମେଣ୍ଟ ଖୁଣ୍ଟ ଦ୍ୱାରା ବାଡ ଦେଇ ଚିହ୍ନଟ ଓ ସମ୍ମୁଖ ଭାଗରେ ପ୍ରତିଫଳକ ବୋର୍ଡ ତିଆରି କରି ସେଥିରେ ସୈରାତ ଉତ୍ସର ନାମ ତଥା ମଞ୍ଜୁର ହୋଇଥିବା ଆର୍ଥିକ ବର୍ଷ ଏବଂ ଅନ୍ୟାନ୍ୟ ସୂଚନା ଉଲ୍ଲେଖ କରିବେ I ଏ ସବୁ କାର୍ଯ୍ୟ ସମ୍ପାଦନ ଲିଜ୍ ଧାରୀ ନିଜ ଖର୍ଚ୍ଚରେ କରିବେ I

**11.**Reserve Assessment Report, Mining Plan and Environmental Clearance ବାବଦକୁ ହୋଇଥିବା ଖର୍ଚ୍ଚ ଲିଜ୍ ଧାରୀ ନିଜେ ବହନ କରିବେ I

**12.**ଉପରୋକ୍ତ ସମସ୍ତ ସର୍ତ୍ତାବଳୀ ପୂରଣ ହେଲାପରେ କାର୍ଯ୍ୟଦେଶ ଦିଆଯିବ I କ୍ଷମତା ପ୍ରାପ୍ତ ଅଧିକାରୀଙ୍କ ଠାରୁ କାର୍ଯ୍ୟଦେଶ ନ ମିଳିବା ପର୍ଯ୍ୟନ୍ତ ଲିଜଧାରୀ ସୈରାତ ଉତ୍ସରୁ ଲଘୁ ଖଣିଜ ଦ୍ରବ୍ୟ ଉତ୍ତୋଳନ କରି ପାରିବେ ନାହିଁ I କାର୍ଯ୍ୟାଦେଶ ନ ପାଇଲା ପର୍ଯ୍ୟନ୍ତ ସୈରାତ ଉତ୍ସରୁ ଉତ୍ତୋଳନ ଓ ପରିବହନ ହୋଇଥିବା ଲଘୁ ଖଣିଜ ଦ୍ରବ୍ୟକୁ ବେଆଇନ ଧରାଯିବ I

**13.**କୌଣସି କାରଣ ନ ଦର୍ଶାଇ ଲିଜ୍ କାର୍ଯ୍ୟ ବାତିଲ ବା ସ୍ଥଗିତ କରି ପାରିବା କ୍ଷମତାପ୍ରାପ୍ତ ଅଧିକାରୀଙ୍କ ପରିସର ଭୂକ୍ତ ଅଟେ I

**14.**ଯେ କୌଣସି ମୂହୁର୍ତ୍ତରେ ଯଦି ନିୟମରେ କିଛି ପରିବର୍ତ୍ତନ ଘଟେ ତେବେ, ଲିଜ ଧାରୀ ପରିବର୍ତ୍ତିତ ନିୟମ ମାନିବାକୁ ବାଧ ହେବେ I

**15.**ଲିଜ୍ ସମ୍ବନ୍ଧିୟ ସର୍ତ୍ତାବଳୀ କାର୍ଯ୍ୟାଳୟରେ ଛୁଟିଦିନ ବ୍ୟତିତ ସମସ୍ତ କାର୍ଯ୍ୟ ଦିବସରେ ଦେଖି ପାରିବେ I ଏହା ବ୍ୟତୀତ ଇସ୍ତାହାରର ସମସ୍ତ ବିବରଣୀ ଜିଲ୍ଲା website : (www.bargarh.nic.in) ରେ ମଧ୍ୟ ଦେଖିପାରିବେ I

ତହସିଲଦାର, ପଦମପୁର
PADAMPUR
[signature] 18/11/2024